ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୩୩ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୨୯୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୯ ଜଣ ।

ଅନୁଗୋଳ, ତା,୧୨.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୩୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୯୭ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ସର୍ବାଧିକ ୯ ଜଣ ( ୬ ଜଣ ପୁରୁଷ ଓ ୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ଜଣ (୬ ଜଣ ପୁରୁଷ ଓ ୨ଜଣ ମହିଳା), ବଣଁରପାଳ ବ୍ଲକ୍ ଅଂଚଳରୁ ୬ ଜଣ (୫ ଜଣ ପୁରୁଷ ଓ୧ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୨ଜଣ ପୁରୁଷ ଓ୧ ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୩ ଜଣ ପୁରୁଷ), ତାଳଚେର ବ୍ଲକ୍ ଅଂଚଳରୁ ୩ଜଣ(୨ ଜଣ ପୁରୁଷ ଓ୧ ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି କିଶୋରନଗର ବ୍ଲକ୍, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଓ ଆଠମଲ୍ଲିକ ବ୍ଲକ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୯ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୩ଜଣ କୋଭିଡ ହସପିଟାଲରୁ ଓ ୨୬ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୦୫ ତା.୧୨.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ସୌଦାମିନୀ ୧୨/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ